ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଓ ୃପୈଷୟିକ ଫିଶ୍ୱଫିଦୟା□ୟ

ଭୁବନେଶ୍ୱର, ଓଡ଼ିଶା

# କୃଷି ଉପଦେଶ ପ୍ରସାରିତ ସମାଚାର

**ତାରିଖ : 31-03-2026**

**ଜଗତସିଂହପୁର(ଓଡିଶା) - :2026-03-31 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)**

| ପାଣିପାଗ କାରକ | 2026-04-01 | 2026-04-02 | 2026-04-03 | 2026-04-04 | 2026-04-05 |
|---|---|---|---|---|---|
| ବର୍ଷା (ମିମି) | 3.0 | 4.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 32.0 | 35.0 | 34.0 | 34.0 | 34.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 27.0 | 27.0 | 28.0 | 26.0 | 26.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 90 | 86 | 86 | 85 | 86 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 46 | 42 | 36 | 38 | 33 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 11 | 17 | 14 | 20 | 20 |
| ପବନର ଦିଗ (ଡିଗ୍ରୀ) | 209 | 205 | 223 | 224 | 224 |
| ମେଘାଛନ୍ନ (ଅକ୍ଟା) | 3 | 3 | 1 | 1 | 1 |
| ସତର୍କବାଣୀ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି \| | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି \| | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ |

## ପୂର୍ବାନୁମାନ ସାରାଂଶ:

ଭାରତୀୟ ପାଣିପାଗ ବିଭାଗ ର ପୂର୍ବନୁମାନ ଅନୁସାରେ, ଜଗତସିଙ୍ଘପୁର ଜିଲ୍ଲାରେ ଆଗାମୀ ବୁଧବାର ଓ ଗୁରୁବାର ଦିନ ସ୍ୱଳ୍ପ ବର୍ଷା ଏବଂ ଅନ୍ୟ ଦିନ ମାନଙ୍କରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ମୁଖ୍ୟତଃ ପରିଷ୍କାର ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ପବନ ୧୧ – ୨୦ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ସର୍ବୋଚ୍ଚ ତାପମାତ୍ରା ୩୨ - ୩୫ °C ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୨୬ - ୨୮ °C ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

| |
|---|
| ଆଗାମୀ ଦୁଇ ଦିନ ପର୍ଯ୍ୟନ୍ତ ବିଜୁଳି ଓ ଘଡଘଡି ର ସତର୍କତା ଚେତାବନୀ ରହିଛି । |

## ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଳିଷ୍ଟ ଏଗ୍ରୋମେଟ ପରାମର୍ଶ:

| |
|---|
| □ ଆଗାମୀ ଦିନରେ ବିଜୁଳି ଓ ଘଡଘଡିର ସମ୍ଭାବନା ଥିବାରୁ ବଜ୍ରଧ୍ୱନି ଶୁଣିବା ପରେ , ସମସ୍ତ କାର୍ଯ୍ୟ ବନ୍ଦକରି ସୁରକ୍ଷିତ ସ୍ଥାନକୁ ଯାଆନ୍ତୁ । ଉଚ୍ଚ ଗଛ, ବିଦ୍ୟୁତ୍ ଖୁଣ୍ଟି କିମ୍ବା ଅସ୍ଥାୟୀ ଛପର ତଳେ ଶରଣ ନିଅନ୍ତୁ ନାହିଁ । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧ ନଥାଏ, ତେବେ ଖୋଲା ଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗିରହିବ । □ ବଜ୍ରପାତ ସମୟରେ ବିଦ୍ୟୁତ ତାର, ଲୁହା ଜାଲି ଓ ମୋବାଇଲ୍ ଫୋନକୁ ଛୁଅନ୍ତୁ ନାହିଁ ଏବଂ ବିଦ୍ୟୁତ ଉପକରଣ ଓ ପାଣିମୋଟର ଚାଲୁ ରଖନ୍ତୁ ନାହିଁ, କାରଣ ଏହା କ୍ଷତି ସୃଷ୍ଟି କରିପାରେ । |

## ସାଧାରଣ ଉପଦେଶ:

| |
|---|
| □ ପାଣିପାଗର ଆକଳନ କୁ ଲକ୍ଷ୍ୟ କରି, ଆଗାମୀ ଦୁଇ ଦିନ ପର୍ଯ୍ୟନ୍ତ ବର୍ଷାର ସମ୍ଭାବନା ଥିବାରୁ ସାର ପ୍ରୟୋଗ, କୀଟନାଶକ ପ୍ରୟୋଗ ଓ ଜଳ ସେଚନ କୁ ସ୍ଥଗିତ ରଖନ୍ତୁ । □ ମୁଗ, ବିରି, ଚିନାବାଦାମ ଫସଲ ଅମଳ ଉପଯୋଗୀ ହୋଇଥିଲେ ଅମଳ କରି ନିଅନ୍ତୁ ଓ ସୁରକ୍ଷିତ ସ୍ଥାନ ରେ ରଖନ୍ତୁ । □ ଆଗାମୀ ଦିନରେ ବର୍ଷା ର ସମ୍ଭାବନା ଥିବାରୁ ଧାନ ଜମିରେ ହୁଡା ବାନ୍ଧି ଅତ୍ୟଧିକ ବର୍ଷା ପାଣି କୁ ସଂରକ୍ଷଣ କରି ରଖନ୍ତୁ । □ ଅଣଧାନ ଫସଲ ଓ ପନିପରିବା ଫସଲରେ ଅତ୍ୟଧିକ ଜଳ ନିଷ୍କାସନ ବ୍ୟବସ୍ଥା କରନ୍ତୁ ଓ ନାଳି ମୁହଁ କୁ ଖୋଲା ରଖନ୍ତୁ । □ ଘଡଘଡି ବର୍ଷା ସହ ଅଧିକ ବେଗ ରେ ପବନ ବହିବାର ସମ୍ଭାବନା ଥିବାରୁ କଖାରୁ ଜାତୀୟ ପନିପରିବା, ଟମାଟୋ, କଦଳୀ ଓ ଅମୃତଭଣ୍ଡା ଗଛରେ ଢେରା ଦିଅନ୍ତୁ । □ ଆଖୁ ଗଛ ନ ପଡିବା ପାଇଁ ୪ ରୁ ୫ ଟି ଗଛ ର ପତ୍ର ଗୁଡିକୁ ଗୋଟିଆ ସ୍ଥାନ ରେ ବାନ୍ଧି ରଖନ୍ତୁ ଓ ଢେରା ଦିଅନ୍ତୁ । □ ଅମଳ ଉପଯୋଗୀ ପନିପରିବା କୁ ଶୀଘ୍ର ଅମଳ କରି ନିଅନ୍ତୁ । ଅମଳ ହୋଇ ସାରିଥିବା ଫସଲ କୁ ପଲିଥିନ ଦ୍ୱାରା ଘୋଡେଇ ସୁରକ୍ଷିତ ରଖନ୍ତୁ । □ ଆଗାମୀ ଦିନରେ ବିଜୁଳି ଓ ଘଡଘଡିର ସମ୍ଭାବନା ଥିବାରୁ ବଜ୍ରଧ୍ୱନି ଶୁଣିବା ପରେ , ସମସ୍ତ କାର୍ଯ୍ୟ ବନ୍ଦକରି ସୁରକ୍ଷିତ ସ୍ଥାନକୁ ଯାଆନ୍ତୁ । ଉଚ୍ଚ ଗଛ, ବିଦ୍ୟୁତ୍ ଖୁଣ୍ଟି କିମ୍ବା ଅସ୍ଥାୟୀ ଛପର ତଳେ ଶରଣ ନିଅନ୍ତୁ ନାହିଁ । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧ ନଥାଏ, ତେବେ ଖୋଲା ଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗିରହିବ । □ ବଜ୍ରପାତ ସମୟରେ ବିଦ୍ୟୁତ ତାର, ଲୁହା ଜାଲି ଓ ମୋବାଇଲ୍ ଫୋନକୁ ଛୁଅନ୍ତୁ ନାହିଁ ଏବଂ ବିଦ୍ୟୁତ ଉପକରଣ ଓ ପାଣିମୋଟର ଚାଲୁ ରଖନ୍ତୁ ନାହିଁ, କାରଣ ଏହା କ୍ଷତି ସୃଷ୍ଟି କରିପାରେ । □ ଗେଣ୍ଡୁ, ଗୋଲାପ,ସେବତୀ ଆଦି ଫୁଲର ମାନ ଖରାପ ହେବାର ସମ୍ଭାବନା ରହିଛି, ତେଣୁ ସେଗୁଡିକୁ ତୋଳି ଦିଅନ୍ତୁ । □ ଗାଇଗୋରୁ, କୁକୁଡା ଓ ବତକ ଆଦିଙ୍କୁ ପର୍ଯ୍ୟାପ୍ତ ପରିଷ୍କାର ପିଇବା ପାଣି ଦିଅନ୍ତୁ । |

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| □ ଘଡଘଡି ବର୍ଷା ସହ ଅଧିକ ବେଗ ରେ ପବନ ବହିବାର ସମ୍ଭାବନା ଥିବାରୁ କଖାରୁ ଜାତୀୟ ପନିପରିବା, ଟମାଟୋ, କଦଳୀ ଓ ଅମୃତଭଣ୍ଡା ଗଛରେ ଢେରା ଦିଅନ୍ତୁ । |

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | □ ମାଟିଆ ଗୁଣ୍ଡି ପୋକ ବା ଚକଡା ଏବଂ ଧଳା ପିଠିଆ ଗଛ ଡିଆଁ ପୋକ ବର୍ତ୍ତମାନ ସମୟରେ ଅଧିକ ତାପମାତ୍ରା ଓ ମଝିରେ ମଝିରେ କାଳ ବୈଶାଖୀ ବର୍ଷା ଯୋଗୁଁ ଧାନ ଫସଲରେ ମାଟିଆ ଗୁଣ୍ଡି ପୋକ ବା ଚକଡା ଏବଂ ଧଳା ପିଠିଆ ଗଛ ଡିଆଁ ପୋକ ଲାଗିବାର ସମ୍ଭାବନା ଅଛି। ଅଧିକ ଯବକ୍ଷାରଜାନ ସାର ବ୍ୟବହାର ନକରି ସୁଷମ ସାର ପରିଚାଳନା କରନ୍ତୁ । ଧାନ ଗଛ ର ସୂକ୍ଷ୍ମ ପରିବେଶ କୁ ବଦଳେଇବା ଆବଶ୍ୟକ । ଯେପରିକି ଜମିକୁ କିଛି ଦିନ ଆଦ୍ର ଓ କିଛି ଦିନ ଶୁଖିଲା କରିବା ଅର୍ଥାତ ଅଧିକ ସମୟ ପର୍ଯ୍ୟନ୍ତ ଜମିରେ ଠିଆ ପାଣି ରଖନ୍ତୁ ନାହିଁ । ସୂର୍ଯ୍ୟାଲୋକ ଏବଂ ବାୟୁଚଳାଚଳ ପାଇଁ ପୂର୍ବ ରୁ ପଶ୍ଚିମ ଦିଗ କୁ ୬ ଫୁଟ ବ୍ୟବଧାନ ରେ ପାହି କରନ୍ତୁ । □ ଲେଡା ପୋକ - ଧାନ ଫସଲରେ ଲେଡା ପୋକର ଲାଗିବା ର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ କରିବା ପାଇଁ ଶୁଖିଲା ପାଗ ଦେଖି |

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ସନ୍ଧ୍ୟା ସମୟରେ ପ୍ରତି ଲିଟର ପାଣିରେ ୧.୫-ମି.ଲି ହିସାବ ରେ Lambda-cyhalothrin କିମ୍ବା ୨ ମିଲି ହିସାବ ରେ (Chlorpyriphos + Cypermethrin) ସିଂଚନ କରନ୍ତୁ । ପୋକ ଗଡିକ ରାତ୍ରିଚର ହୋଇଥିବାରୁ କୀଟନାଶକ କୁ ଉପରବେଳା କିମ୍ବା ସନ୍ଧ୍ୟା ସମୟସର ସିଂଚନ କରନ୍ତୁ । |
| ବାଦାମ | □ ଚିନାବାଦାମ ଫଳ ଗୁଡିକ ଶତକଡା ୮୦ ଭାଗ ପାକଳ ହେଲା ଅବସ୍ଥାରେ ଅମଳ କରିବା ଉଚିତ । ଅମଳ ସମୟରେ ଗଛ ର ପତ୍ର ହଳଦିଆ ଲାଲ ରଙ୍ଗର ହୋଇଥାଏ ଏବଂ ତଳ ପତ୍ର ଗୁଡିକ ଝଡି ପଡ଼େ । ଚିନାବାଦାମ ଟାଣ ହୋଇ ଚୋପାର ଭିତର ପାଖ କଳା ପଡିବା ଆରମ୍ଭ ହେଲେ,ପାକଳ ହୋଇ ଅମଳ ଉପଯୋଗୀ ହୋଇଥାଏ । ଗଛ କୁ ଉପାଡି ବିଡା ବାନ୍ଧି, ପ୍ରଥମେ ଚେର ଉପରକୁ ଓ ଗଛ ତଳକୁ କରି ଖରାରେ ଶୁଖାଇ ଦିଅନ୍ତୁ । ଦୁଇ ରୁ ତିନି ଦିନ ପରେ ଗଛ ରୁ ବାଦାମ ଗୁଡିକୁ ଛିଡାଇ ଖରାରେ ଭଲ ଭାବରେ ଶୁଖାଇ ରଖନ୍ତୁ । ଅମଳ ସମୟ ରେ ଚିନାବାଦାମ ମଞ୍ଜି ରେ ଜଳୀୟ ଅଂଶ ୪୦ ରୁ ୫୦ ଶତକଡା ରହିଥାଏ। ତେଣୁ ଖରା ରେ କିଛିଦିନ ଶୁଖାଇ ଜଳୀୟ ଅଂଶ ଶତକଡା ୧୦ ଭାଗ ରଖାଯାଏ । ଅଧିକ ଜଳୀୟ ଅଂଶ ଥାଇ ବାଦାମ ସାଇତି ରଖିଲେ, ଏହା କବକ ଦ୍ୱାରା ଆକ୍ରାନ୍ତ ହୋଇ ନଷ୍ଟ ହୁଏ । |
| ମୁଗ | □ ଧୂଆଁପତ୍ର ଗୋଟି ପୋକ ବା କାଳିମୁଣ୍ଡି ପୋକ ଧୂଆଁପତ୍ର ଗୋଟି ପୋକ ବା କାଳିମୁଣ୍ଡି ପୋକ ପୋକ ଗୁଡିକ ଗୋଟିଏ କିଆରି ରୁ ଅନ୍ୟ କିଆରି କୁ ନ ଯିବା ପାଇଁ ହିଡ ରେ ଏକର ପ୍ରତି ୧୦-କିଲୋଗ୍ରାମ Chlorpyriphos ଗୁଣ୍ଡ କୀଟନାଶକ ପ୍ରୟୋଗ କରନ୍ତୁ । ଏହି ପୋକ ର ରାସାୟନିକ ଉପାୟରେ ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Novaluron ଓ Indoxacarb ର ମିଳିତ କୀଟନାଶକ କିମ୍ବା ୩୦୦ ମିଲି Lambda Cyhalothrin ନାମକ କୀଟନାଶକ କିମ୍ବା ୧୨୦ ଗ୍ରାମ Flubendiamide ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ଶୁଖିଲା ପାଗ ଦେଖି ସିଂଚନ କରନ୍ତୁ । |
| ଆଖୁ | □ ଘାସୁଆ ରୁଗୁଡ଼ିଆ ରୋଗ ଘାସୁଆ ରୁଗୁଡ଼ିଆ ରୋଗର ପରିଚାଳନା ପାଇଁ ରୋଗ ବିହୀନ ଆଖୁ ବିହନ ଲଗାନ୍ତୁ । ଆକ୍ରାନ୍ତ ଗଛ କୁ ଓପାଡି ଦୂରରେ ପୋଡି ନଷ୍ଟ କରି ଦିଅନ୍ତୁ । ଏହି ରୋଗ ର ବାହକ ଜଉ ପୋକ ର ପରିଚାଳନା ପାଇଁ ଶୁଖିଲା ପାଗ ଦେଖି ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କିମ୍ବା ୬୦ ମି.ଲି. Imidacloprid ନାମକ କୀଟନାଶକ, ୨୦୦ ଲିଟର ପାଣି ରେ ମିଶାଇ ସିଞ୍ଚନ କରନ୍ତୁ । |

### ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ବାଇଗଣ | □ କାଣ୍ଡ ଓ ଫଳ ବିନ୍ଧା ପୋକ ନିୟନ୍ତ୍ରଣ ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପିଛା ୮ ଟି ଫେରୋମୋନ୍ ଟ୍ରାପ୍ (ଆକର୍ଷକ ଜନ୍ତା) କିମ୍ବା ୱାଟା ଟ୍ରାପ୍ ଜମିରେ ଲଗାନ୍ତୁ । ରାସାୟନିକ ପଦ୍ଧତିରେ ନିୟନ୍ତ୍ରଣ ପାଇଁ ପ୍ରତି ୧୫ ଲିଟର ପାଣିରେ ସ୍ପିନୋସାଡ ୪୫% ଏସ.ସି ୫.୫ ମିଲିଗ୍ରାମ ନଚେତ ପ୍ରତି ଏକ ଲିଟର ପାଣିରେ ୨ ମିଲିଗ୍ରାମ ଥିଓଡିକାର୍ବ ୭୫% ଡବ୍ଲୁ.ପି କୁ ମିଶ୍ରଣ କରି ଶୁଖିଲା ପାଗ ଦେଖି ସିଞ୍ଚନ କରନ୍ତୁ । |
| ପ୍ରବଳ | □ ପୋଟଳ ଗଛ ବର୍ତମାନ ଫୁଲ ଏବଂ ଫଳ ବହନ କରୁଥିବା ଅବସ୍ଥା ରେ । ବର୍ତମାନ ଘାସ କୁ ବାଛନ୍ତୁ ନାହିଁ । ଘାସ ରହିଲେ ତାହା ମାଟି ର ଆର୍ଦ୍ରତା ବଜାୟ ରଖିଥାଏ ଏବଂ ପୋଟଳ ଲତା କୁ ତାହା (ଘାସ) ଉପରେ ମାଡିବା ପାଇଁ ସାହାର୍ଯ୍ୟ କରିଥାଏ, ଯାହାଦ୍ୱାରା ଫଳ ସିଧାସଳଖ ମାଟି ର ସଂସ୍ପର୍ଶ ରେ ଆସେନାହିଁ, ଯାହାକି ଫଳକୁ ସଢିବା ରୁ ରକ୍ଷା କରିଥାଏ । |
| ଭେଣ୍ଡୀ | □ ସାହେବୀ ରୋଗ ଭେଣ୍ଡି ଫସଲରେ ସାହେବୀ ରୋଗର ପରିଚାଳନା ପାଇଁ ଏହାର ବାହକ ଧଳାମାଛି ର ନିୟନ୍ତ୍ରଣ ନିହାତି ଜରୁରୀ । ସାହେବୀ ଆକ୍ରାନ୍ତ ଗଛ ଗୁଡିକୁ ଓପାଡି ଦୂରରେ ନଷ୍ଟ କରି ଦିଅନ୍ତୁ । ଶୁଖିଲା ପାଗ ଦେଖି ପ୍ରାଥମିକ ଅବସ୍ଥାରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ppm କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ପୋକର ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ପୋକ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ଗ୍ରାମ Acetamiprid ନାମକ କୀଟନାଶକ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| କାକୁଡି | □ କାଙ୍କେଡିଆ ପୋକ କାଙ୍କେଡିଆ ପୋକର ପରିଚାଳନା ପାଇଁ ପ୍ରାଥମିକ ଅବସ୍ଥାରେ ପ୍ରତି ଲିଟର ପାଣି ରେ ୩ ମିଲି ନିମ୍ବ ଜାତୀୟ କୀଟନାଶକ ୧୫୦୦ ପିପିଏମ Azadirachtin କୁ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଏହି ପୋକର ପରିଚାଳନା ପାଇଁ ପ୍ରତି ଲିଟର ପାଣି ରେ ୨ ମିଲି Chlorpyriphos ନାମକ କୀଟନାଶକ କିମ୍ବା ୨ ମିଲି Profenophos ନାମକ କୀଟନାଶକ ମିଶାଇ ଶୁଖିଲା ପାଗ ଦେଖି ସିଂଚନ କରନ୍ତୁ । |

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ପିଆଜ | ଫଳ ବିକଶିତ ହେବା ସମୟରେ ପାଣିର ଅଭବାକୁ ଦୂର କରନ୍ତୁ । ଅମଳ ଉପଯୁକ୍ତ ହୋଇଯାଇଥିଲେ ଅମଳର ଅନୂନ୍ୟ ୧୫ ଦିନ ପୂର୍ବରୁ ଜଳସେଚନ ସ୍ଥଗିତ ରଖନ୍ତୁ । ଅମଳ ପରବର୍ତୀ ଗଜା ହେବାକୁ ରୋକିବା ପାଇଁ ଅମଳ ହେଇଥିବା ପିଆଜ କୁ ଭଲ ବାୟୁ ଚଳଚଳ ହେଉଥିବା ସ୍ଥାନରେ ରଖନ୍ତୁ । |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କୁକୁଡ଼ା | ବସନ୍ତ ରୋଗ ପର୍ଯ୍ୟାୟ ଟୀକାକରଣ ଏବଂ ଘର ଓ ପରବେଶ ସଫା ସୁତୁରା ରଖିବା ଦ୍ଵାରା ରୋକାଯାଇପାରିବ । କ୍ଷତ ଦ୍ଵାରା ଓ କୀଟ ମାନଙ୍କ କାମୁଡା ଦ୍ଵାରା ଏହି ରୋଗ ଗୋଟେ ପକ୍ଷୀ ରୁ ଅନ୍ୟଟି କୁ ବ୍ୟାପିଥାଏ । ଏହି ରୋଗ କାରଣ ରୁ ୫୦ ପ୍ରତିଶତ ଲେଖାଏଁ ଚିଆଁ ମାନେ ମୃତ୍ୟୁ ବରଣ କରିଥାନ୍ତି । ଏହି ରୋଗ କାରଣ ରୁ ଓଜନ ବୃଦ୍ଧି ହାର କମିବା ସହିତ ଅଣ୍ଡା ଦେବା ମାତ୍ରା ମଧ ହ୍ରାସ ପାଇଥାଏ । ତେଣୁ ଆପଣଙ୍କର ସ୍ଥାନୀୟ ପ୍ରାଣୀ ଚିକିସକ ଙ୍କ ସହିତ ପରାମର୍ଶ କରିବା ପରେ ୬ ସପ୍ତାହ ରୁ ୧୬ ସପ୍ତାହ ବୟସ ରେ କୁକୁଡ଼ା ଓ ବତକ ଙ୍କୁ ଟୀକା ଦିଅନ୍ତୁ । ଆକ୍ରାନ୍ତିତ କୁକୁଡା ଓ ବତକ ଙ୍କ ମୁଣ୍ଡ, ବେକ ଓ ଦେହ ରେ ଫୋଟକା ଦେଖାଯାଏ । ଏ ଲକ୍ଷଣ ଦେଖା ଦେଲେ ଆକ୍ରାନ୍ତିତ ପକ୍ଷୀ ଙ୍କୁ ଅଲଗା ରଖନ୍ତୁ, ସ୍ଥାନୀୟ ପ୍ରାଣୀଚିକିସକ ଙ୍କ ସହିତ ପରାମର୍ଶ କରି ତୁରନ୍ତ ଚିକିତ୍ସା ଆରମ୍ଭ କରିଦିଅନ୍ତୁ । |

## ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):

| |
|---|
| ନାହିଁ |

## ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):

| |
|---|
| ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**